# ଆଜି ଅନୁଗୋଳ ଜିଲ୍ଲାରୁ ୫୯ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୦୦୫୨ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୦୬ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ୫୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୩ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୬୨ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧୬ଜଣ (୬ ଜଣ ପୁରୁଷ ଓ ୧୦ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୮ଜଣ ( ୪ଜଣ ପୁରୁଷ ଓ ୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୬ଜଣ ( ୬ଜଣ ପୁରୁଷ ), ଅନୁଗୋଳ ବ୍ଲକ୍ ଅଂଚଳରୁ ୬ଜଣ (୩ ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୪ଜଣ ( ୧ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪ଜଣ(୨ ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ଜଣ(୨ ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧ଜଣ( ୧ ଜଣ ମହିଳା) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ( ୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୦୬ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୧ଜଣ କୋଭିଡ ହସପିଟାଲରୁ ଓ ୯୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୪୭ ତା.୧୩.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

(signature) 13/11/20

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ